# ଡିସେମ୍ବର ମାସ ପାଇଁ ଅନୁଗୋଳ ଜିଲ୍ଲାପାଳଙ୍କ ମିଳିତ ଜନଶୁଣାଣୀ କାର୍ଯ୍ୟକ୍ରମ ।

ଅନୁଗୋଳ ତା.୨୯.୧୧- ଅନୁଗୋଳ ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତିଙ୍କ ଡିସେମ୍ବର ମାସ ପାଇଁ ମିଳିତ ଜନ ଶୁଣାଣି କାର୍ଯ୍ୟକ୍ରମ ସ୍ଥିର ହୋଇଛି । ଏଥିରେ ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତି ଓ ଅନୁଗୋଳ ଆରକ୍ଷୀ ଅଧିକ୍ଷକ ଶ୍ରୀ ଜଗମୋହନ ମିନାଙ୍କ ସମେତ ବିଭିନ୍ନ ବିଭାଗୀୟ ଅଧିକାରୀମାନେ ଯୋଗ ଦେବେ । ନିର୍ଦ୍ଧାରିତ କାର୍ଯ୍ୟସୂଚୀ ଅନୁଯାୟୀ ଡିସେମ୍ବର ମାସ ୨ ତାରିଖ (ସୋମବାର) ପୂର୍ବାହ୍ନ ୧୦ ଘଟିକା ସମୟରେ ମିଳିତ ଜନଶୁଣାଣୀ କାର୍ଯ୍ୟକ୍ରମ ଜିଲ୍ଲା କାର୍ଯ୍ୟାଳୟରେ ଅନୁଷ୍ଠିତ ହେଉଥିବା ବେଳେ ୯ ତାରିଖ (ସୋମବାର) ପୂର୍ବାହ୍ନ ୧୦ ଘଟିକା ସମୟରେ କିଶୋରନଗର ବ୍ଲକ୍ କାର୍ଯ୍ୟାଳୟ, ୧୬ ତାରିଖ (ସୋମବାର) ପୂର୍ବାହ୍ନ ୧୦ ଘଟିକା ସମୟରେ ପାଲଲହଡା ବ୍ଲକ୍ କାର୍ଯ୍ୟାଳୟ, ୨୩ ତାରିଖ (ସୋମବାର) ପୂର୍ବାହ୍ନ ୧୦ ଘଟିକା ସମୟରେ ଜିଲ୍ଲା କାର୍ଯ୍ୟାଳୟ ଏବଂ ୩୦ ତାରିଖ (ସୋମବାର) ପୂର୍ବାହ୍ନ ୧୦ ଘଟିକା ସମୟରେ ଆଠମଲ୍ଲିକ ବ୍ଲକ୍ କାର୍ଯ୍ୟାଳୟ ଠାରେ ଅନୁଷ୍ଠିତ ହେବ । ସେହିପରି ୯ ତାରିଖ (ସୋମବାର) ଅପରାହ୍ନ ୩ ଘଟିକା ସମୟରେ କିଶୋରନଗର ବ୍ଲକ୍ ଅନ୍ତର୍ଗତ ଠେଲକୋନାଳି ଗ୍ରାମ ପଂଚାୟତ କାର୍ଯ୍ୟାଳୟ ଠାରେ କୃଷି ସମାଧାନ ଶିବିର ଅନୁଷ୍ଠିତ ହେବ ବୋଲି କାର୍ଯ୍ୟକ୍ରମ ସ୍ଥିର ହୋଇଛି । ଏହି ସମସ୍ତ କାର୍ଯ୍ୟକ୍ରମରେ ସମ୍ପୃକ୍ତ ଅଂଚଳର ଜନସାଧାରଣ ଯୋଗ ଦେଇ ନିଜ ନିଜର ଆପତି ଅଭିଯୋଗ ଉପସ୍ଥାପନ କରିବାକୁ ଜିଲ୍ଲା ପ୍ରଶାସନ ତରଫରୁ ଜଣାଇ ଦିଆଯାଇଛି ।